ପ୍ରେସ୍ ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୨୦୭ଜଣ କରୋନା ପଜିଟିଭ ଚିହ୍ନଟ ।

### ପଜିଟିଭ ସଂଖ୍ୟା ୩୯୦୩୬ ରେ ପହଞ୍ଚିଲା - ସୁସ୍ଥ ହେଲେ ୩୧୭ଜଣ ।

ଅନୁଗୋଳ, ତା.୧୬.୦୬:- ଆଜି ଅନୁଗୋଳ ଜିଲ୍ଲାରେ ୨୦୭ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଅନୁଗୋଳ ବ୍ଲକ୍ ଅଂଚଳରୁ ୩୧ଜଣ (୧୭ ଜଣ ପୁରୁଷ ଓ ୧୪ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୨୯ଜଣ ( ୧୯ଜଣ ପୁରୁଷ ଓ ୧୦ ଜଣ ମହିଳା), ବଅଁରପାଲ ବ୍ଲକ୍ ଅଂଚଳରୁ ୨୮ଜଣ ( ୧୬ଜଣ ପୁରୁଷ ଓ ୧୨ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୨୪ଜଣ ( ୧୭ଜଣ ପୁରୁଷ ଓ ୭ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୨୧ଜଣ ( ୧୪ଜଣ ପୁରୁଷ ଓ ୭ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୨୦ଜଣ (୧୬ ଜଣ ପୁରୁଷ ଓ ୪ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୧୬ଜଣ ( ୯ଜଣ ପୁରୁଷ ଓ ୭ ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧୫ଜଣ ( ୮ଜଣ ପୁରୁଷ ଓ ୭ ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧୪ଜଣ ( ୯ଜଣ ପୁରୁଷ ଓ ୫ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୮ଜଣ(୭ ଜଣ ପୁରୁଷ ଓ ୧ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୧ଜଣ( ୧ଜଣ ପୁରୁଷ ) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ୫୪ ଜଣଙ୍କୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୩୧୭ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୧୫୭ଜଣ ମୃତ୍ୟୁବରଣ କଲେଣି ଏବଂ ଆଜି ସୁଦ୍ଧା ୨ ଲକ୍ଷ ୮ ହଜାର ୯୭୭ଜଣଙ୍କୁ ଟିକା ଦିଆଗଲାଣି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୩୫୯ ତା.୧୬.୦୬.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ